ସୂଚନା ଓ ଲୋକ ସଂପର୍କ ବିଭାଗ
**Information & Public Relations Department**
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/HE (OD)/ 267/14-04-2025**

## ଉଚ୍ଚଶିକ୍ଷା ବିଭାଗ
## ପ୍ରେସନୋଟ୍

ଭୁବନେଶ୍ୱର : ୧୪/୦୪/୨୦୨୫

ଆସନ୍ତା ଶିକ୍ଷାବର୍ଷ ୨୦୨୫-୨୬ ନିମନ୍ତେ ସ୍ନାତୋକାତ୍ତର ଏବଂ ଦୁଇ ବର୍ଷିଆ ବି.ଏଡ/ ଏମ.ଏଡ /ବି.ଏଚ.ଏଡ ପାଠ୍ୟକ୍ରମରେ ନାମଲେଖା ପ୍ରକିୟାକୁ ଶୀଘ୍ର ଆରମ୍ଭ କରିବା ପାଇଁ ପୂର୍ବରୁ ସରକାରଙ୍କ ତରଫରୁ ନିଷ୍ପତ୍ତି ନିଆଯାଇଛି।

ଏହିକ୍ରମରେ ଶିକ୍ଷାବର୍ଷ ୨୦୨୫-୨୬ ନିମନ୍ତେ ସ୍ନାତକ ଶ୍ରେଣୀ ପାଠ୍ୟକ୍ରମରେ ମଧ ନାମଲେଖା ପ୍ରକ୍ରିୟାକୁ ଶୀଘ୍ର ଆରମ୍ଭ କରାଯିବା ପାଇଁ ରାଜ୍ୟ ସରକାରଙ୍କ ଉଚ୍ଚଶିକ୍ଷା ବିଭାଗ ତରଫରୁ ନିଷ୍ପତ୍ତି ଗ୍ରହଣ କରାଯାଇଛି। ଛାତ୍ରଛାତ୍ରୀମାନଙ୍କର ଭବିଷ୍ୟତ ଏବଂ ବୃହତ୍ତର ସ୍ୱାର୍ଥକୁ ଦୃଷ୍ଟିରେ ରଖି ଏହି ନିଷ୍ପତ୍ତି ନିଆଯାଇଛି।

ସ୍ନାତକ ଶ୍ରେଣୀ ପାଠ୍ୟକ୍ରମରେ ନାମଲେଖା ନିମନ୍ତେ ଆବେଦନକାରୀମାନଙ୍କ ପାଇଁ ଆସନ୍ତା ଏପ୍ରିଲ ୧୭ ତାରିଖ (୧୭. ୦୪. ୨୦୨୫) ଠାରୁ Common Application Form (CAF) ପୂରଣ ପ୍ରକ୍ରିୟା ଆରମ୍ଭ ହେବ।

ଶିକ୍ଷାବର୍ଷ ୨୦୨୫-୨୬ ପାଇଁ ସ୍ନାତକ ଶ୍ରେଣୀରେ ନାମଲେଖା ପ୍ରକ୍ରିୟା ଜାତୀୟ ଶିକ୍ଷା ନୀତି-୨୦୨୦ (NEP-2020) ଆଧାରରେ କରାଯିବ। ଏହି ଶିକ୍ଷା ନୀତି ଅନୁସାରେ, ଛାତ୍ରଛାତ୍ରୀମାନେ SAMS ମାଧ୍ୟମରେ Common Application Form (CAF) ପୂରଣ କରିବା ସମୟରେ ନିଜ ପସନ୍ଦ ଅନୁଯାୟୀ ପାଠ୍ୟକ୍ରମର ବିଭିନ୍ନ ପ୍ରକାର ଯଥା: ଗୋଟିଏ ମୁଖ୍ୟ ବିଷୟ ସହିତ ଦୁଇଟି ଉପବିଷୟ (Single Major with Two Minors) କିମ୍ବା ଦୁଇଟି ମୁଖ୍ୟ ବିଷୟ (Double Majors) କିମ୍ବା ତିନିଟି ଉପବିଷୟ (Three Minors) ଚୟନ କରିପାରିବେ।

ଏଥିସହ ଶିକ୍ଷାବର୍ଷ ୨୦୨୫-୨୬ରେ ସ୍ନାତକ ପାଠ୍ୟକ୍ରମକୁ ଆସନ୍ତା ଜୁଲାଇ ମାସ ୧୦ ତାରିଖ (୧୦ ଜୁଲାଇ,୨୦୨୫) ସୁଦ୍ଧା ଆରମ୍ଭ କରାଯିବାପାଇଁ ଲକ୍ଷ୍ୟ ରଖାଯାଇଛି।

ସରକାରଙ୍କ ଏହି ନିଷ୍ପତ୍ତି ଫଳରେ ସଠିକ ସମୟରେ ପାଠ୍ୟକ୍ରମ ଆରମ୍ଭ ହେବା ସହିତ ସଠିକ ସମୟରେ ପରୀକ୍ଷା କରାଯାଇ ଫଳାଫଳ ମଧ ଘୋଷଣା କରାଯାଇପାରିବ, ଯାହାଦ୍ୱାରା ଛାତ୍ରଛାତ୍ରୀମାନେ ଉପକୃତ ହୋଇପାରିବେ।

ଅମ୍ଳାନ ଦାସ
ଲୋକସମ୍ପର୍କ ଅଧିକାରୀ